୫୧ ଧରିତ୍ରୀ DHARITRI

ଭୁବନେଶ୍ୱର, ବୁଧବାର, ଡିସେମ୍ବର ୨୫/୨୦୨୪ (୧୨+୮=୨୦ ପୃଷ୍ଠା) Bhubaneswar, Wednesday, December 25/2024 Page 20 ₹ 7.00

୫୧ଶ ଭାଗ ୩୨ ସଂଖ୍ୟା www.orissakhabar.com/www.dharitri.com | Printed at Bhubaneswar, Sambalpur, Rayagada & Angul VOLUME 51 ISSUE 32 ମୂଲ୍ୟ ₹୭/-

# ମାର୍ଚ୍ଚ ସୁଦ୍ଧା ସବୁ ଥାନାରେ ସିସିଟିଭି କାର୍ଯ୍ୟକ୍ଷମ କର

**କଟକ,୨୪।୧୨ (କାର୍ତ୍ତିକ ସାହୁ)**

ରାଜ୍ୟର ସମସ୍ତ ଥାନା ଓ ଫାଣ୍ଡିରେ ୨୦୨୫ ମାର୍ଚ୍ଚ ୩୧ ସୁଦ୍ଧା ସିସିଟିଭି ବ୍ୟବସ୍ଥା କାର୍ଯ୍ୟକ୍ଷମ କରାଇବାକୁ ହାଇକୋର୍ଟ ମଙ୍ଗଳବାର ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ବିଚାରପତି ଚକ୍ରଧାରୀ ଶରଣ ସିଂ ଓ ବିଚାରପତି ସାବିତ୍ରୀ ରଥଙ୍କୁ ନେଇ ଗଠିତ ଖଣ୍ଡପୀଠ ଏହି ବହୁଚର୍ଚ୍ଚିତ ମାମଲାର ରାୟ ପ୍ରକାଶ କରି କେତେକ ଗୁରୁତ୍ୱପୂର୍ଣ୍ଣ ଆଦେଶ ଦେଇଛନ୍ତି। ସିସିଟିଭିକୁ ସେଣ୍ଟ୍ରାଲ ମନିଟରିଂ ସିଷ୍ଟମ (ସିଏମ୍ଏସ୍) ଏବଂ ଭିଡିଓ ମ୍ୟାନେଜମେଣ୍ଟ ସିଷ୍ଟମ (ଭିଏମ୍ଏସ୍)ରେ ଯୋଡ଼ିବା କାର୍ଯ୍ୟ ମଧ୍ୟ ନିର୍ଦ୍ଧାରିତ ସମୟ ମଧ୍ୟରେ ଶେଷ କରିବାକୁ ଖଣ୍ଡପୀଠ ଆଦେଶ ଦେଇଛନ୍ତି।

ରାୟର ବିବରଣୀ ଅନୁସାରେ, ଥାନାରେ ସେନା କର୍ମଚାରୀଙ୍କୁ ଉପଯୁକ୍ତ ବ୍ୟବହାର ପ୍ରଦର୍ଶନ ନେଇ ରାଜ୍ୟ ସରକାର ସ୍ୱତନ୍ତ୍ର ସାଧାରଣ କାର୍ଯ୍ୟାନ୍ୱୟନ ପ୍ରକ୍ରିୟା (ଏସ୍ଓପି) ପ୍ରସ୍ତୁତ କରିଛନ୍ତି। ଏସ୍ଓପିକୁ ଓଡ଼ିଆ ଭାଷାରେ ରାଜ୍ୟର ସମସ୍ତ ଥାନା ଓ ଫାଣ୍ଡିରେ ଝୁଲାଇବାକୁ ହାଇକୋର୍ଟ ଆଦେଶ ଦେଇଛନ୍ତି। ସିସିଟିଭିଗୁଡ଼ିକର କାର୍ଯ୍ୟକାରିତା ନେଇ ଅତିରିକ୍ତ ଡିଜିପି ଦୟାଲ ଗଙ୍ଗୱାର ଦାଖଲ କରିଥିବା ସତ୍ୟପାଠ ବିଶ୍ୱାସଭାଜନ ହୋଇ ରହିବା ଦିଗରେ ରାଜ୍ୟ ସରକାର ଓ ପୋଲିସ ମୁଖ୍ୟାଳୟ ନିଶ୍ଚିତ ରହିବାକୁ ମଧ୍ୟ ହାଇକୋର୍ଟ ଆଦେଶ ଦେଇଛନ୍ତି।

## ଭରତପୁର ଥାନା ମାମଲାରେ ହାଇକୋର୍ଟଙ୍କ ନିର୍ଦ୍ଦେଶ

### ଝୁଲାଯିବ ଓଡ଼ିଆ ଭାଷାରେ ଏସ୍ଓପି



ଭରତପୁର ଥାନା ମାମଲାର ତଦନ୍ତ କ୍ରାଇମ୍‌ବ୍ରାଞ୍ଚ ଓ କମିଶନଙ୍କ ଦ୍ୱାରା ଜାରି ରହିଛି। ହାଇକୋର୍ଟଙ୍କ ନିର୍ଦ୍ଦେଶନାମା ଏହି ମାମଲାର ତଦନ୍ତରେ କୌଣସି ପ୍ରଭାବ ପକାଇବ ନାହିଁ ବୋଲି ଖଣ୍ଡପୀଠ ସ୍ପଷ୍ଟ କରିଛନ୍ତି। ରାୟ ପ୍ରକାଶ ଅବସରରେ ଏହି ମାମଲାରେ ଅଦାଲତ ମିତ୍ର ଭାବେ ସହଯୋଗ କରିଥିବା ବରିଷ୍ଠ ଆଇନଜୀବୀ ଗୌତମ ମିଶ୍ର ଓ ଆଡ୍‌ଭୋକେଟ୍ ଜେନେରାଲ ପୀତାମ୍ବର ଆଚାର୍ଯ୍ୟଙ୍କ ସହଯୋଗକୁ ହାଇକୋର୍ଟ ପ୍ରଶଂସା କରିଛନ୍ତି। ଓଡ଼ିଶା ପୋଲିସ ପକ୍ଷରୁ କୋର୍ଟ ଅଧିକାରୀ ଭାବେ କାର୍ଯ୍ୟ କରିଥିବା ଦୟାଲ ଗଙ୍ଗୱାରଙ୍କୁ ଦାୟିତ୍ୱରୁ ଅବ୍ୟାହତି ଦେଇ ସେ ସିସିଟିଭି ସଂଯୋଗୀକରଣ ପ୍ରକଳ୍ପରେ ଗୁରୁତ୍ୱ ଦେବାକୁ ହାଇକୋର୍ଟ ଆଦେଶ ଦେବା ସହ ନିଜ ଆଡୁ ରୁଜୁ କରିଥିବା ମାମଲାର ଅନ୍ତ ଘଟାଇଛନ୍ତି।

ସୂଚନାଯୋଗ୍ୟ, ଜଣେ ସେନା ଅଧିକାରୀ ଓ ତାଙ୍କ ବାନ୍ଧବୀ ଗତ ସେପ୍ଟେମ୍ବର ୧୫ ରାତିରେ ଭୁବନେଶ୍ୱର ଭରତପୁର ଥାନାକୁ ଏତଲା ଦେବାକୁ ଯାଇଥିଲେ। ଥାନାରେ ସେମାନଙ୍କ ଅଭିଯୋଗ ଗ୍ରହଣ କରାଯିବା ବଦଳରେ ସେନା ଅଧିକାରୀଙ୍କ ବାନ୍ଧବୀଙ୍କୁ ନିର୍ଯାତନା ଦିଆଯାଇଥିବା ଅଭିଯୋଗ ହୋଇଥିଲା। ବାନ୍ଧବୀଙ୍କୁ ପୋଲିସ ଗିରଫ କରି ଜେଲ୍ ପଠାଇ ଦେଇଥିଲା। ଏହି ପ୍ରସଙ୍ଗ ଦେଶରେ ଚର୍ଚ୍ଚିତ ହୋଇଥିଲା। ଉକ୍ତ ଘଟଣାର ତଦନ୍ତ ପାଇଁ ରାଜ୍ୟ ସରକାର କ୍ରାଇମ୍‌ବ୍ରାଞ୍ଚକୁ ନିର୍ଦ୍ଦେଶ ଦେଇଥିବାବେଳେ ହାଇକୋର୍ଟର ଅବସରପ୍ରାପ୍ତ ବିଚାରପତି ଚିତ୍ତରଞ୍ଜନ ଦାଶଙ୍କ ଅଧ୍ୟକ୍ଷତାରେ ଏକ ବିଚାର ବିଭାଗୀୟ ତଦନ୍ତ ମଧ୍ୟ ବସାଇଥିଲେ। ଲ୍ୟୁଟ୍‌ନାଣ୍ଟ ଜେନେରାଲ ପି.ଏସ୍. ଶେଖାୱତ ଏନେଇ ହାଇକୋର୍ଟ ମୁଖ୍ୟ ବିଚାରପତିଙ୍କୁ ଚିଠି ଲେଖି ପଦକ୍ଷେପ ନେବାକୁ ନିବେଦନ କରିଥିଲେ। ଅପରପକ୍ଷରେ ହାଇକୋର୍ଟ ନିଜ ଆଡୁ ମାମଲା ରୁଜୁ କରି ବିଭିନ୍ନ ପକ୍ଷଙ୍କୁ ଜବାବ ରଖିବା ଲାଗି ନିର୍ଦ୍ଦେଶ ଦେଇଥିଲେ।



ଥାଇଲାଣ୍ଡର ଜିରାସର୍ଟୱିଟ୍‌ଥୟାସ୍ଥିତ ଏକ ସ୍କୁଲରେ ମଙ୍ଗଳବାର କ୍ରିସ୍‌ମସ ପାଳନ ଅବସରରେ ଛାତ୍ରୀଛାତ୍ରଙ୍କୁ ଉପହାର ଦେଉଛି ହାତୀ।

# ୯ ରେ ପ୍ରଧାନମନ୍ତ୍ରୀ, ୧୦ରେ ରାଷ୍ଟ୍ରପତି ଆସିବେ

**ଭୁବନେଶ୍ୱର,୨୪।୧୨(ଅନିଲ ଦାସ)**

ଭୁବନେଶ୍ୱର ଜନତା ମଇଦାନରେ ଜାନୁଆରୀ ୮ରୁ ୧୦ ମଧ୍ୟରେ ହେବାକୁ ଥିବା ପ୍ରବାସୀ ଭାରତୀୟ ଦିବସରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଯୋଗଦେବେ। ମୋଦି ୯ରେ ଏହାର ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଯୋଗଦେବେ। ୧୦ ତାରିଖ ଉଦ୍‌ଯାପନୀ ଉତ୍ସବରେ ରାଷ୍ଟ୍ରପତି ସାମିଲ ହେବେ। ପ୍ରବାସୀ ଭାରତୀୟ ଦିବସର ସଫଳ ଆୟୋଜନ ପାଇଁ ମଙ୍ଗଳବାର ଖାରବେଳ ଭବନରେ ନଗର ଉନ୍ନୟନ ବିଭାଗ ପକ୍ଷରୁ ଅନୁଷ୍ଠିତ ସମୀକ୍ଷା ବୈଠକ ପରେ ନଗର ଉନ୍ନୟନ ମନ୍ତ୍ରୀ ଡାକ୍ତର କୃଷ୍ଣଚନ୍ଦ୍ର ମହାପାତ୍ର ଏହି ସୂଚନା ଦେଇଛନ୍ତି। ମନ୍ତ୍ରୀ କହିଛନ୍ତି ଯେ, ଓଡ଼ିଶାରେ ଆୟୋଜିତ ହେବାକୁ ଥିବା ପ୍ରବାସୀ ଭାରତୀୟ ଦିବସ ସବୁଠୁ ଭଲ ହେବ ବୋଲି ବିଶ୍ୱାସ ରଖି ବିଭାଗ କାମ କରୁଛି। ମୁଖ୍ୟମନ୍ତ୍ରୀ ନିଜେ ଏହାକୁ ଗୁରୁତର ସହ ଅନୁଧ୍ୟାନ କରୁଛନ୍ତି। ବୈଠକରେ ସଂସ୍କୃତି ବିଭାଗ ଓ ପର୍ଯ୍ୟଟନ ବିଭାଗ ଅଧିକାରୀ, କଟକ, ପୁରୀ, ଖୋର୍ଦ୍ଧା ଜିଲାପାଳଙ୍କ ସମେତ ବିଡିଏ, ବିଏମ୍‌ସି, ସିଏମ୍‌ସିର ଅଧିକାରୀ ଉପସ୍ଥିତ ରହିଥିଲେ। ଏହି ଦିବସରେ ହେବାକୁ ଥିବା ସାଂସ୍କୃତିକ କାର୍ଯ୍ୟକ୍ରମ ନେଇ ଆଲୋଚନା ହୋଇଛି। ୧୪୦ ଦେଶରୁ ୫ ହଜାରରୁ ୭ ହଜାର ପ୍ରବାସୀ ଭାରତୀୟ ଏଥିରେ ଯୋଗଦେବେ। ସେମାନଙ୍କ ରହଣି ପାଇଁ ପର୍ଯ୍ୟଟନ ବିଭାଗକୁ ଦାୟିତ୍ୱ ଦିଆଯାଇଛି। ସୁବିଧାଜନକ ଗମନାଗମନ ପାଇଁ କ୍ରୁଟ ୫ଟି ଡବଲ ଡେକର ବସ୍ ସହ ୫୦ଟି ନୂଆ ବସ୍ ଦିଆଯିବ ବୋଲି ମନ୍ତ୍ରୀ କହିଛନ୍ତି।




